**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**20 June – 2025**

# ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓଡ଼ିଶା ସରକାରଙ୍କ ଏକବର୍ଷ ପୂର୍ତ୍ତି ଅବସରରେ ଆଜି ରାଜ୍ୟ ଗସ୍ତରେ ଆସୁଛନ୍ତି । ଏହି ଅବସରରେ ଶ୍ରୀ ମୋଦୀ ୧୮ହଜାର ୬୦୦ କୋଟି ଟଙ୍କାରୁ ଅଧିକ ମୂଲ୍ୟର ବହୁବିଧ ଉନ୍ନୟନମୂଳକ ପ୍ରକଳ୍ପର ଲୋକାର୍ପଣ ଓ ଶିଳାନ୍ୟାସ କରିବେ । ପ୍ରଧାନମନ୍ତ୍ରୀ ତ୍ରିରଙ୍ଗା ଶୋଭାଯାତ୍ରାରେ ଯୋଗଦେବା ସହ ଭୁବନେଶ୍ୱର ଜନତା ମଇଦାନରେ ସାଧାରଣ ସଭାକୁ ଉଦ୍‌ବୋଧନ ଦେବେ ବୋଲି ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି । ପ୍ରଧାନମନ୍ତ୍ରୀଙ୍କ ଗସ୍ତ ନେଇ ଭୁବନେଶ୍ୱରରୁ ଆମ ସମ୍ବାଦଦାତା ଦୀପକ ବେହେରାଙ୍କ ରିପୋର୍ଟ...

**V/O (Deepak)**

# ଝାଡ଼ାବାନ୍ତି ସମୀକ୍ଷା

ରାଜ୍ୟରେ ଡାଇରିଆ ସ୍ଥିତି ନେଇ ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ ସମୀକ୍ଷା କରିଛନ୍ତି । ବୈଠକ ପରେ ଶ୍ରୀ ମହାଲିଙ୍ଗ କହିଛନ୍ତି , ଡାଇରିଆ ସ୍ଥିତି ନିୟନ୍ତ୍ରଣାଧୀନ ରହିଛି। ଆକ୍ରାନ୍ତଙ୍କ ସଂଖ୍ୟା ହ୍ରାସ

ପାଇବାରେ ଲାଗିଛି ଏବଂ ଲୋକଙ୍କୁ ସଚେତନ କରିବା ପାଇଁ ସରକାର ସକ୍ରିୟ ଭାବେ କାର୍ଯ୍ୟ କରୁଛନ୍ତି ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି ।

**V/O (Mukes Mahaling)**

# ସ୍କୁଲ ଖୋଲିଲା

ଗ୍ରୀଷ୍ମ ଅବକାଶ ପରେ ଆଜିଠାରୁ ରାଜ୍ୟବ୍ୟାପୀ ସମସ୍ତ ବିଦ୍ୟାଳୟ ଖୋଲିବ । ତେବେ ଝାଡ଼ାବାନ୍ତି ସଂକ୍ରମଣ ଯୋଗୁଁ ଯାଜପୁର ଓ ଭଦ୍ରକ ଜିଲ୍ଲାରେ ସ୍କୁଲ ଖୋଲିବା ତାରିଖକୁ ବିଦ୍ୟାଳୟ ଗଣଶିକ୍ଷା ବିଭାଗ ପକ୍ଷରୁ ଘୁଞ୍ଚାଇ ଦିଆଯାଇଛି । ଏହାଛଡା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କର ଆଜି ଭୁବନେଶ୍ୱର ଗସ୍ତକୁ ଦୃଷ୍ଟିରେ ରଖି କଟକ ଓ ଭୁବନେଶ୍ୱରରେ ସମସ୍ତ ବିଦ୍ୟାଳୟ ଗୁଡ଼ିକ ବନ୍ଦ ରହିଛି ।

# ଯୋଗଦିବସ

ଅନ୍ତର୍ଜାତୀୟ ଯୋଗଦିବସ ଅବସରରେ ଆସନ୍ତାକାଲି ରାଜ୍ୟର ବିଭିନ୍ନ ସ୍ଥାନରେ ଯୋଗଦିବସ ପାଳନ କରାଯିବ । ଏଥିପାଇଁ ୧୪ଟି ଜିଲ୍ଲାରେ ୧୪ ଜଣ ମନ୍ତ୍ରୀଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି । ଭୁବନେଶ୍ୱରରେ ଆୟୋଜିତ ହେବାକୁ ଥିବା ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ କ୍ରୀଡ଼ା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଉପସ୍ଥିତ ରହିବେ । ସଂସ୍କୃତି ମନ୍ତ୍ରଣାଳୟ ପକ୍ଷରୁ କୋଣାର୍କ ସମେତ ସାରା ଦେଶରେ ୧୦୦ଟି ପର୍ଯ୍ୟଟନ

ଭିତ୍ତିକ ପ୍ରତୀକାତ୍ମକ ସ୍ଥାନ ଓ ୫୦ଟି ସାଂସ୍କୃତିକ ସ୍ଥାନରେ ମଧ୍ୟ ଯୋଗ ଅଧିବେଶନ ଆୟୋଜନ କରାଯିବ ।

## ରାଜ୍ୟପାଳ

ଜୀବନର ଲକ୍ଷ୍ୟସ୍ଥଳରେ ପହଞ୍ଚିବା ଲାଗି ଶିକ୍ଷା ହିଁ ବଳିଷ୍ଠ ମାଧ୍ୟମ ବୋଲି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି କହିଛନ୍ତି । ଜନଜାତି ଛାତ୍ରଛାତ୍ରୀଙ୍କ ସହ ରାଜଭବନଠାରେ ଭାବବିନିମୟ କରିବା ଅବସରରେ ରାଜ୍ୟପାଳ ଏହି ମତବ୍ୟକ୍ତ କରିଛନ୍ତି । ଗତ ୧୭ ତାରିଖରୁ ରାଜ୍ୟ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ଦ୍ୱାରା ଆୟୋଜିତ ଏହି କାର୍ଯ୍ୟକ୍ରମ ଆଜି ଶେଷ ହେଉଛି ।

## ବିପର୍ଯ୍ୟୟ ପରିଚାଳନା ଅଭ୍ୟାସ

ରାଜ୍ୟର ସମସ୍ତ ଜିଲ୍ଲାରେ ବାର୍ଷିକ ବିପର୍ଯ୍ୟୟ ପରିଚାଳନା ଅଭ୍ୟାସ ଅନୁଷ୍ଠିତ ହୋଇଯାଇଛି । ପ୍ରସ୍ତୁତିର ପରୀକ୍ଷା, ଜରୁରୀକାଳୀନ ସମୟରେ ସୁରକ୍ଷିତ ବ୍ୟବସ୍ଥା ସୁନିଶ୍ଚିତ କରିବା ସହ ଭବିଷ୍ୟତରେ ଆପତକାଳୀନ ସ୍ଥିତିର ମୁକାବିଲା କରିବା ହେଉଛି ଏହି ଅଭ୍ୟାସର ମୂଳ ଉଦ୍ଦେଶ୍ୟ । ଗତ ୧୮ ତାରିଖରେ ସମସ୍ତ ଜିଲ୍ଲାର ମୁଖ୍ୟାଳୟ ଏବଂ ସମସ୍ତ ବ୍ଲକ ଓ ପୌର ପରିଷଦ ସ୍ତରରେ ଏହି ଅଭ୍ୟାସ କରାଯାଇଥିବାବେଳେ ଗତକାଲି ରାଜ୍ୟର ସମସ୍ତ ୯୦୯ଟି ଯାକ ବହୁମୁଖୀ ବାତ୍ୟା ଓ ବନ୍ୟା ଆଶ୍ରୟସ୍ଥଳରେ ବିପର୍ଯ୍ୟୟ ପରିଚାଳନା ଅଭ୍ୟାସ କରାଯାଇଥିଲା ।

# ନିରଞ୍ଜନ ରଥଙ୍କ ପରଲୋକ

ଲୋକସେବକ ମଣ୍ଡଳର ରାଷ୍ଟ୍ରୀୟ ସମ୍ପାଦକ ତଥା ବିଶିଷ୍ଟ ସମାଜସେବୀ ନିରଞ୍ଜନ ରଥଙ୍କ ଗତକାଲି ବିଳମ୍ବିତ ରାତିରେ ପରଲୋକ ହୋଇଛି । ମୃତ୍ୟୁବେଳକୁ ତାଙ୍କୁ ୭୮ ବର୍ଷ ବୟସ ହୋଇଥିଲା । ତାଙ୍କ ବିୟୋଗରେ ବହୁ ବିଶିଷ୍ଟ ବ୍ୟକ୍ତି ଶୋକପ୍ରକାଶ କରିଛନ୍ତି ।

# ମହାପ୍ରଭୁଙ୍କ ଚକାବିଜେ ନୀତି

ପୁରୀ ଶ୍ରୀମନ୍ଦିର ଅଣସର ଗୃହରେ ଆଜି ଦଶମୀ ତିଥିରେ ମହାପ୍ରଭୁଙ୍କ ଚକାବିଜେ ନୀତି ଅନୁଷ୍ଠିତ ହେବ । ଦଇତାପତି ସେବକମାନେ ଏହି ଗୁପ୍ତନୀତି ସମ୍ପାଦନ କରିବେ । ସ୍ନାନପୂର୍ଣ୍ଣିମା ଦିନ ଶ୍ରୀବିଗ୍ରହମାନେ ସ୍ନାନ କରିବା ପରେ ଜ୍ୱରରେ ପୀଡିତ ହୋଇ ଅଣସର ପିଣ୍ଡିରେ ରାଜ୍ୟବୈଦ୍ୟଙ୍କ ପରାମର୍ଶ କ୍ରମେ ଚିକିତ୍ସିତ ହେଉଛନ୍ତି ।

# ସଚେତନତା କର୍ମଶାଳା

ନୂଆପଡା ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ସମ୍ମିଳନୀ କକ୍ଷରେ ଶିଶୁ ଏବଂ କିଶୋର ଶ୍ରମିକ ନିରୋଧ ସଚେତନତା କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଜିଲ୍ଲାପାଳ ନୂଆପଡାକୁ ଶିଶୁଶ୍ରମିକ ମୁକ୍ତ କରିବା ଦିଗରେ କାର୍ଯ୍ୟ କରିବା ଲାଗି ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।

# ପଦଯାତ୍ରା

କଳାହାଣ୍ଡି ଜିଲ୍ଲାରେ ଶିଶୁ ଶ୍ରମିକ ନିରାକରଣ ଓ ସଚେତନତା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି । ପଦଯାତ୍ରାରେ ଅତିରିକ୍ତ ଜିଲ୍ଲାପାଳଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀ ଯୋଗ ଦେଇଥିଲେ ।

# ପାଣିପାଗ

ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ଆସନ୍ତା ୨୪ତାରିଖ ପର୍ଯ୍ୟନ୍ତ ବର୍ଷା ଲାଗିରହିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି । ଆସନ୍ତା ୨୪ଘଣ୍ଟା ମଧ୍ୟରେ ଘଡଘଡି ସହ ପ୍ରବଳ ବର୍ଷା ହେବା ନେଇ ସୁନ୍ଦରଗଡ଼ ଓ ଝାରସୁଗୁଡା ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି ।